**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**9 August– 2026**

# ହର ଘର ତ୍ରିରଙ୍ଗା

ସ୍ୱାଧୀନତା ଦିବସ ପାଳନ ଅବସରରେ ଦେଶବ୍ୟାପୀ ଆଜିଠାରୁ ୧୭ ତାରିଖ ପର୍ଯ୍ୟନ୍ତ 'ହର ଘର ତ୍ରିରଙ୍ଗା' କାର୍ଯ୍ୟକ୍ରମ ଆୟୋଜନ କରାଯାଉଛି। ଦେଶପ୍ରେମ,ଜାତୀୟ ଏକତା, ସାଂସ୍କୃତିକ ଐତିହ୍ୟକୁ ପାଳନ କରିବା ସହ ଜାତୀୟ ପତାକା ଉତ୍ତୋଳନରେ ନାଗରିକଙ୍କୁ ଉତ୍ସାହିତ କରିବା ଏହି ଅଭିଯାନର ମୂଳ ଉଦ୍ଦେଶ୍ୟ । ଭୁବନେଶ୍ୱରଠାରୁ ଆରମ୍ଭ କରି ବ୍ଲକ୍ ଓ ପଞ୍ଚାୟତ ସ୍ତରରେ ଏହି କାର୍ଯ୍ୟକ୍ରମକୁ ସଫଳତାର ସହ ଆୟୋଜନ କରିବା ପାଇଁ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ପ୍ରତ୍ୟେକ ଜିଲ୍ଲାକୁ ୧୦ ଲକ୍ଷ ଟଙ୍କା ଆର୍ଥିକ ଅନୁଦାନ ପ୍ରଦାନ କରାଯାଇଛି। କ୍ରୀଡା ଓ ଯୁବସେବା ବିଭାଗ ପକ୍ଷରୁ ଆଜି ଭୁବନେଶ୍ୱର ହାତିଆଶୁଣୀ ପଡିଆଠାରୁ ଲୁମ୍ବିନୀ ବିହାର ରୋଡ ପର୍ଯ୍ୟନ୍ତ ରାଜ୍ୟସ୍ତରୀୟ ତ୍ରିରଙ୍ଗା ରାଲିର ଆୟୋଜନ କରାଯାଇଛି ।

ରାଜ୍ୟର ହର ଘର ତିରଙ୍ଗା' କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କ ଦ୍ୱାରା ୬୦ ଲକ୍ଷ ଜାତୀୟ ପତାକା ପ୍ରସ୍ତୁତ କରାଯାଇ ସମସ୍ତ ଜିଲ୍ଲାକୁ ବଣ୍ଟନ କରାଯିବ। ଆଜିଠାରୁ ୧୭ତାରିଖ

ପର୍ଯ୍ୟନ୍ତ ଜନସାଧାରଣ ତ୍ରିରଙ୍ଗା ସହ ନିଜର ସେଲ୍‌ଫି ଉଠାଇ Harghar triranga.comରେ ଅପଲୋଡ୍ କରିପାରିବେ ।

# ପୁଞ୍ଜିନିବେଶ ପ୍ରସ୍ତାବ

ଓଡିଶାରେ ପୁଞ୍ଜିନିବେଶ ପାଇଁ ନୂଆଦିଲ୍ଲୀରେ ଅନୁଷ୍ଠିତ ବିଭିନ୍ନ କାର୍ଯ୍ୟକ୍ରମରେ ଓଡିଶାକୁ ୬୬ହଜାର ୩୯୨କୋଟି ଟଙ୍କାର ପୁଞ୍ଜିନିବେଶ ପ୍ରସ୍ତାବ ଆସିଛି ।ଏହା ଦ୍ୱାରା ୫୪ହଜାର ୧୩୫ଟି ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇଛି । ଏହି ଅବସରରେ ମୋଟ ୩୮ଟି ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଥିବା ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି । ନୂଆଦିଲ୍ଲୀରେ ଓଡିଶା ଫୁଡ୍ କୋର୍ଟ-୨୦୨୬ ଆୟୋଜିତ ହେବା ସହ ମୁଖ୍ୟମନ୍ତ୍ରୀ ଉଦ୍ୟୋଗୀମାନଙ୍କ ସହ ଆଲୋଚନା କରିଥିଲେ । ଏହି ଅବସରରେ ମୁଖ୍ୟମନ୍ତ୍ରୀ ବିଭିନ୍ନ ଉଦ୍ୟୋଗ ପରିଦର୍ଶନ କରିଥିଲେ ।

# ଜାତୀୟ ସମ୍ମିଳନୀ

ଭୁବନେଶ୍ୱରସ୍ଥିତ ଅଖିଳ ଭାରତୀୟ ଆର୍ଯୁବିଜ୍ଞାନ ସଂସ୍ଥାନ ଠାରେ ଜାତୀୟ ସମ୍ମିଳନୀ ଏବଂ ଯକ୍ଷ୍ମା ସଂକ୍ରାନ୍ତୀୟ ନୀତି ନିର୍ଦ୍ଧାରଣ ଆଲୋଚନା ହୋଇଯାଇଛି । ଉଦ୍‌ଯାପନୀ ଦିବସରେ ବିଧାନସଭାର ବାଚସ୍ପତି ସୁରମା ପାଢୀ ଯୋଗଦେଇ ଯକ୍ଷ୍ମା ନିରାକରଣ କ୍ଷେତ୍ରରେ ବୈଜ୍ଞାନିକ ପ୍ରମାଣକୁ ପ୍ରଭାବଶାଳୀ ଜନସ୍ୱାସ୍ଥ୍ୟ କାର୍ଯ୍ୟାନ୍ୱୟନରେ ପରିଣତ କରିବା ପାଇଁ ସ୍ୱାସ୍ଥ୍ୟ ଅନୁଷ୍ଠାନଗୁଡିକୁ ଆହ୍ୱାନ ଦେଇଥିଲେ ।

# ମାଟିର ମହକ କାର୍ଯ୍ୟକ୍ରମ

ସମ୍ବଲପୁର ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ରଙ୍ଗବତୀ ମଞ୍ଚରେ ଆୟୋଜିତ ମାଟିର ମହକ କାର୍ଯ୍ୟକ୍ରମରେ ଯୋଗଦେଇ ସାଂସଦ ଧର୍ମେନ୍ଦ୍ର ପ୍ରଧାନ ପଶ୍ଚିମ ଓଡିଶାର ପଦ୍ମ ପୁରସ୍କାର ପ୍ରାପ୍ତ ପ୍ରତିଭାମାନଙ୍କୁ ସମ୍ବୋଧିତ କରିଛନ୍ତି । ଶ୍ରୀ ପ୍ରଧାନ କହିଛନ୍ତି, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଶାସନ କାଳରେ ପଦ୍ମ ସମ୍ମାନ ଏବେ ଲୋକଙ୍କ ପୁରସ୍କାରରେ ପରିଣତ ହୋଇଛି । ସରକାର ଗାଁ ଗହଳିରେ ଲୋକକଳା, ସାହିତ୍ୟ, କୃଷି, ଶିକ୍ଷା ଓ ସମାଜ ସେବାରେ ନିଜକୁ ସମର୍ପି ଦେଇଥିବା ପ୍ରକୃତ ସାଧକଙ୍କୁ ସମ୍ମାନୀତ କରୁଛନ୍ତି ।

# ସାହିତ୍ୟିକ ସମ୍ମିଳନୀ

ଓଡିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ପୁରୀ ଜିଲ୍ଲାସ୍ଥିତ ଶ୍ରୀଜଗନ୍ନାଥ ସଂସ୍କୃତ ବିଶ୍ୱବିଦ୍ୟାଳୟରେ ଓଡିଆ ସାହିତ୍ୟ ମହୋତ୍ସବ ଓ ରାଷ୍ଟ୍ରୀୟ ଯୁବ ସାହିତ୍ୟିକ ସମ୍ମିଳନୀ ଆୟୋଜିତ ହୋଇଯାଇଛି । କାର୍ଯ୍ୟକ୍ରମରେ ବିଭାଗୀୟ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯୋଗଦେଇ ଓଡିଆ ଭାଷା, ସାହିତ୍ୟ ଓ ସଂସ୍କୃତିର ସୁରକ୍ଷା ତଥା ପ୍ରଚାର ଓ ପ୍ରସାର ପାଇଁ ନିରନ୍ତର ପ୍ରୟାସ ଜାରି ରଖିବାକୁ ଯୁବପିଢିକୁ ଆହ୍ୱାନ ଦେଇଛନ୍ତି ।

# ଗଙ୍ଗାଧର ମେହେର ଜୟନ୍ତୀ

ସ୍ୱଭାବ କବି ଗଙ୍ଗାଧର ମେହେରଙ୍କ ଜୟନ୍ତୀ ଅବସରରେ ଆଜି ବିଭିନ୍ନ ସ୍ଥାନରେ ଥିବା ତାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଉଛି । ଆଜି ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ସରଳାଦେବୀଙ୍କ ଜୟନ୍ତୀ ମଧ୍ୟ ପାଳନ କରାଯାଉଛି । ଓଡିଶା ବିଧାନସଭା ପରିସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସରଳା ଦେବୀଙ୍କ ପ୍ରତିମୂର୍ତ୍ତିକୁ ଲୋକାର୍ପଣ କରିବାର କାର୍ଯ୍ୟସୂଚୀ ରହିଛି ।

# ଅଗଷ୍ଟକ୍ରାନ୍ତି ଦିବସ

ଦେଶପାଇଁ ଅସୀମ ତ୍ୟାଗ ଓ ବଳିଦାନ ଦେଇଥିବା ସ୍ୱାଧୀନତା ସଂଗ୍ରାମୀଙ୍କୁ ସ୍ମରଣ କରି ଭାରତଛାଡ ଆନ୍ଦୋଳନର ସ୍ମୃତି ଉଦ୍ଦେଶ୍ୟରେ ଆଜିର ଦିନକୁ ଦେଶବ୍ୟାପୀ **ଅଗଷ୍ଟ କ୍ରାନ୍ତିଦିବସ** ଭାବେ ପାଳନ କରାଯାଉଛି। ମହାତ୍ମା ଗାନ୍ଧୀଙ୍କ ନେତୃତ୍ୱରେ ୧୯୪୨ ମସିହା ଅଗଷ୍ଟ ୮ ତାରିଖରେ ଆରମ୍ଭ ହୋଇଥିବା ଭାରତଛାଡ ଆନ୍ଦୋଳନ ଦେଶର ଇତିହାସର ଦିଗ ପରିବର୍ତ୍ତନରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲା। ଇଂରେଜ ସରକାରଙ୍କ ବିରୁଦ୍ଧରେ ଭାରତଛାଡ ଆନ୍ଦୋଳନ ଏକ ସର୍ବଭାରତୀୟ ଆନ୍ଦୋଳନରେ ପରିଣତ ହୋଇ କ୍ରାନ୍ତିର ରୂପ ନେଇଥିଲା। ମୁମ୍ବାଇର ଅଗଷ୍ଟକ୍ରାନ୍ତି ପଡ଼ିଆରୁ ଆରମ୍ଭ ହୋଇଥିବା ଏହି ଅଭିଯାନକୁ

ମନେ ପକାଇ ଅଗଷ୍ଟ ୯ ତାରିଖକୁ ଅଗଷ୍ଟ କ୍ରାନ୍ତିଦିବସ ଭାବେ ପାଳନ କରାଯାଇଥାଏ ।

## ପାଣିପାଗ

ଦକ୍ଷିଣ ପଶ୍ଚିମବଙ୍ଗ ଏବଂ ସଂଲଗ୍ନ ଉତ୍ତର ଓଡିଶା ଉପରେ ଥିବା ଘୂର୍ଣ୍ଣିବଳୟ ଲଘୁଚାପ କ୍ଷେତ୍ରରେ ପରିଣତ ହୋଇଛି । ଏହାର ପ୍ରଭାବରେ ରାଜ୍ୟରେ ଆସନ୍ତା ୧୪ତାରିଖ ପର୍ଯ୍ୟନ୍ତ ବର୍ଷା ହେବାର ସମ୍ଭାବନା ରହିଛି । ଆସନ୍ତା ୨୪ଘଣ୍ଟା ମଧ୍ୟରେ ବିଜୁଳି, ଘଡଘଡି ସହ ବର୍ଷା ହେବା ନେଇ ୧୭ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଗତ ୨୪ଘଣ୍ଟା ମଧ୍ୟରେ ନୟାଗଡ ଜିଲ୍ଲାର ଖଣ୍ଡପଡାଠାରେ ସର୍ବାଧିକ ୨୪ଦଶମିକ ୬ମିଲିମିଟର ବର୍ଷା ରେକର୍ଡ ହୋଇଛି ।

ଲଗାଣ ବର୍ଷା ଯୋଗୁଁ ଭଦ୍ରକ ଜିଲ୍ଲା ବୈତରଣୀ ନଦୀ ଆଖୁଆପଦାଠାରେ ଜଳସ୍ତର ବୃଦ୍ଧି ପାଉଛି । ସକାଳ ୬ଟା ସୁଦ୍ଧା ଜଳସ୍ତର ୧୮ଦଶମିକ ୦/୭ମିଟର ଥିବାବେଳେ ବିପଦ ସଙ୍କେତ ହେଉଛି ୧୮ଦଶମିକ ୩/୩ ମିଟର । ଜିଲ୍ଲାର ସାଳନ୍ଦୀ ନଦୀ ରାଜଘାଟଠାରେ ଜଳସ୍ତର ବିପଦ ସଙ୍କେତ ତଳେ ପ୍ରବାହିତ ହେଉଛି ।

# ହକି

ତାମିଲନାଡୁର କୋଏମ୍ବାଟୁରଠାରେ ଅନୁଷ୍ଠିତ ୧୬ତମ ହକି ଇଣ୍ଡିଆ ଜାତୀୟ ଜୁନିୟର ପୁରୁଷ ହକି ଚାମ୍ପିୟନସିପ ଡିଭିଜନ-ଏ’ରେ ଓଡିଶା ଦଳ ବିଜେତା ହୋଇଛି । ଗତକାଲି ଖେଳାଯାଇଥିବା ଫାଇନାଲ ମ୍ୟାଚରେ ଓଡିଶା ୨-୧ଗୋଲରେ ମଧ୍ୟପ୍ରଦେଶକୁ ପରାସ୍ତ କରି ବିଜେତା ହୋଇଛି । ଦଳର ଏହି ସଫଳତା ପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶୁଭେଚ୍ଛା ଜଣାଇଛନ୍ତି ।